# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର

ପତ୍ର ସଂଖ୍ୟା ୪୦୨୧୧ ତା ୦୮-୭-୨୫ ରିଖ

ପ୍ରାପ୍ତେଷୁ,

ପୌର ପ୍ରଶାସନ ନିର୍ଦ୍ଦେଶକ ଏବଂ ପଦପ୍ରଯୁକ୍ତ ଅତିରିକ୍ତ ଶାସନ ସଚିବ,
ଗୃହ ଓ ନଗର ଉନ୍ନୟନ ବିଭାଗ, ଓଡ଼ିଶା, ଭୁବନେଶ୍ୱର ।

ବିଷୟ:- ଭୁବନେଶ୍ୱର ମହାନଗର ନିଗମର ୧(ଏକ) ଗୋଟି ଷ୍ଟାଣ୍ଡିଂ କମିଟି ପାଇଁ ଚେୟାରମ୍ୟାନ୍ ନିର୍ବାଚନ ବୈଠକ ବିବରଣୀ ପ୍ରେରଣ ସମ୍ବନ୍ଧରେ ।

ମହାଶୟା/ମହାଶୟ,

ଭୁବନେଶ୍ୱର ମହାନଗର ନିଗମର ୧(ଏକ) ଗୋଟି ଷ୍ଟାଣ୍ଡିଂ କମିଟି ପାଇଁ ଚେୟାରମ୍ୟାନ୍ ନିର୍ବାଚନ ନିମନ୍ତେ ତା ୦୮.୦୭.୨୦୨୫ ରିଖରେ ଅନୁଷ୍ଠିତ ହୋଇଥିବା ବୈଠକ ବିବରଣୀ ଆପଣଙ୍କ ଅବଗତି ନିମନ୍ତେ ଏଥି ସହିତ ପ୍ରେରଣ କରାଗଲା ।

୮।୭।୨୫
ସଚିବ
ଭୁବନେଶ୍ୱର ମହାନଗର ନିଗମ

**ସଂଲଗ୍ନକ- ଉପରବର୍ଣ୍ଣିତ ମତେ,**

ଜ୍ଞାପକ ସଂଖ୍ୟା- ୪୦୨୧୨/ତା ୦୮-୭-୨୫ ରିଖ

ଏହାର ଏକକିତା ନକଲ ସହ ବିବରଣୀ ନକଲ ଭୁବନେଶ୍ୱର ମହାନଗର ନିଗମର ମେୟର/ ଡେ଼ପୁଟି ମେୟର/ ସମସ୍ତ କର୍ପୋରେଟର ମାନଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

୮।୭।୨୫
ସଚିବ
ଭୁବନେଶ୍ୱର ମହାନଗର ନିଗମ

ଜ୍ଞାପକ ସଂଖ୍ୟା- ୪୦୨୧୩/ତା ୦୮-୭-୨୫ ରିଖ

ଏହାର ଏକକିତା ନକଲ ସହ ବିବରଣୀ ନକଲ ଭୁବନେଶ୍ୱର ମହାନଗର ନିଗମ ମେୟରଙ୍କ ବାସ ଭବନସ୍ଥ କାର୍ଯ୍ୟାଳୟକୁ ରେକର୍ଡ଼ ନିମନ୍ତେ ପ୍ରେରଣ କରାଗଲା ।

୮।୭।୨୫
ସଚିବ
ଭୁବନେଶ୍ୱର ମହାନଗର ନିଗମ

ଜ୍ଞାପକ ସଂଖ୍ୟା- ୪୦୨୧୪/ତା ୦୮-୭-୨୫ ରିଖ

ଏହାର ଏକକିତା ନକଲ ସହ ବିବରଣୀ ନକଲ କାର୍ଯ୍ୟାଳୟ ବିଜ୍ଞାପନ ଫଳକ/ ଅଭିଯୋଗ ପ୍ରକୋଷ୍ଠ/ ମ୍ୟୁନିସିପାଲ୍ କମିଶନର/ ଅତିରିକ୍ତ କମିଶନର/ ନଗର ଯନ୍ତ୍ରୀ/ ସଚିବ/ ନିର୍ବାହୀ ଯନ୍ତ୍ରୀ ଖଣ୍ଡ-୧/ ନିର୍ବାହୀ ଯନ୍ତ୍ରୀ ଖଣ୍ଡ-୨/ ନିର୍ବାହୀ ଯନ୍ତ୍ରୀ ଖଣ୍ଡ-୩/ ନିର୍ବାହୀ ଯନ୍ତ୍ରୀ (ଡ୍ରେନେଜ୍)/ ନିର୍ବାହୀ ଯନ୍ତ୍ରୀ(ବିଦ୍ୟୁତ)/ ନଗର ସ୍ୱାସ୍ଥ୍ୟ ଅଧିକାରୀ/ ପୌର ମୁଖ୍ୟ ଚିକିତ୍ସାଧିକାରୀ/ ବିତ ଅଧିକାରୀ/ ନଗର ଯୋଜନାକାରୀ/ ଡ଼ି.ସି. (ପରିମଳ)/ ଡ଼ି.ସି. (ପାର୍କ/ସାମାଜିକ ସୁରକ୍ଷା)/ ଡ଼ି.ସି (ଜନମଙ୍ଗଳ)/ ଡି.ସି. (ହାଉସିଂ)/ ଡ଼ି.ସି. (ମାର୍କେଟ୍)/ ଡ଼ି.ସି (ଲ୍ୟାଣ୍ଡ)/ ଡ଼ି.ସି (ଲିଗାଲ୍)/ ଡ଼ି.ସି (ଯାନ)/ ଡ଼ି.ସି. (ରାଜସ୍ୱ)/ ଡ଼ି.ସି. (ଆଇ.ଟି)/ ଡ଼ି.ସି (ପାର୍କିଙ୍ଗ୍)/ ଡ଼ି.ସି (ଗୃହ ଟିକସ)/ ଡ଼ି.ସି. (ପ୍ରତିଷ୍ଠାନ)/ ଜୋନାଲ୍ କମିଶନର (ଉତର/ ଦକ୍ଷିଣ-ପୂର୍ବ/ଦକ୍ଷିଣ-ପଶ୍ଚିମ)/ମୁଖ୍ୟ ସମୀକ୍ଷକ/ ପରିବେଶ ଅଧିକାରୀ/ ମୁଖ୍ୟ ସହାୟକ ସମୂହ, ଭୁବନେଶ୍ୱର ମହାନଗର ନିଗମଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

୮।୭।୨୫
ସଚିବ
ଭୁବନେଶ୍ୱର ମହାନଗର ନିଗମ

# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର

## ପବ୍ଲିକ୍ ହେଲ୍‌ଥ, ଇଲେକ୍ଟ୍ରି ସପ୍ଲାଇ, ୱାଟର ସପ୍ଲାଇ, ଡ୍ରେନେଜ୍ ଆଣ୍ଡ୍ ଏନ୍‌ଭିରନ୍‌ମେଂଟ ଷ୍ଟାଣ୍ଡିଂ କମିଟିର ଚେୟାରମ୍ୟାନ୍ ନିର୍ବାଚନ ବୈଠକ ବିବରଣୀ

ତା ୦୮.୦୭.୨୦୨୬ ରିଖ

ସମୟ-ପୂର୍ବାହ୍ନ ଘ.୧୦.୩୦ ମିନିଟ୍
ସ୍ଥାନ- BMC-ICOMC ର ତଳ ମହଲା
ସ୍ଥିତ, "ଏକାମ୍ର" ହଲ୍

ଉପସ୍ଥିତ ସଭ୍ୟ/ସଭ୍ୟା :-

୧. ଶ୍ରୀ ବିରଂଚି ନାରାୟଣ ମହାସୁପକାର, ୱାର୍ଡ଼ ନଂ-୫୯
୨. ଶ୍ରୀମତୀ ମିନୁଶ୍ରୀ ଖୁଂଟିଆ, ୱାର୍ଡ଼ ନଂ-୦୫
୩. ଶ୍ରୀମତୀ ମୋନାଲିସା ସାହୁ, ୱାର୍ଡ଼ ନଂ-୧୪
୪. ଶ୍ରୀମତୀ ରଞ୍ଜୁଲତା ରାୟ, ୱାର୍ଡ଼ ନଂ-୩୫
୫. ଶ୍ରୀମତୀ ଛବି ଦାଶ, ୱାର୍ଡ଼ ନଂ-୬୬
୬. ଶ୍ରୀ ଶୁଭାଂଶୁ ଶେଖର ପଟ୍ଟନାୟକ, ୱାର୍ଡ଼ ନଂ-୨୭

ଅଦ୍ୟ ତା ୦୮.୦୭.୨୦୨୬ ରିଖ ପୂର୍ବାହ୍ନ ଘ.୧୦.୩୦ ମିନିଟ୍ ସମୟରେ BMC-ICOMC ର ତଳ ମହଲା (LG Floor) ସ୍ଥିତ, "ଏକାମ୍ର" ରେ ଓଡ଼ିଶା ମହାନଗର ନିଗମ ଆଇନ୍-୨୦୦୩ ର ଧାରା-୧୧ ଅନୁଯାୟୀ ଭୁବନେଶ୍ୱର ମହାନଗର ନିଗମର ପବ୍ଲିକ୍ ହେଲ୍‌ଥ, ଇଲେକ୍ଟ୍ରି ସପ୍ଲାଇ, ୱାଟର ସପ୍ଲାଇ, ଡ୍ରେନେଜ୍ ଆଣ୍ଡ୍ ଏନ୍‌ଭିରନ୍‌ମେଂଟ ଷ୍ଟାଣ୍ଡିଂ କମିଟିର ଚେୟାରମ୍ୟାନ୍ ନିର୍ବାଚନ ନିମନ୍ତେ ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ନିଗମର ମାନନୀୟା ମେୟର ଶ୍ରୀମତୀ ସୁଲୋଚନା ଦାସ ସଭାପତିତ୍ୱ କରିଥିଲେ ।

ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ବୈଠକ ଆରମ୍ଭ ହେବାପରେ ଶ୍ରୀ ବିରଂଚି ନାରାୟଣ ମହାସୁପକାର, ୱାର୍ଡ଼ ନଂ-୫୯ ଙ୍କ ସପକ୍ଷରେ ଉପରୋକ୍ତ ଷ୍ଟାଣ୍ଡିଂ କମିଟିର ଚେୟାରମ୍ୟାନ୍ ପଦବୀ ନିମନ୍ତେ ଶ୍ରୀମତୀ ମିନୁଶ୍ରୀ ଖୁଂଟିଆ, କର୍ପୋରେଟର, ୱାର୍ଡ଼ ନଂ-୦୫ ଙ୍କ ଦ୍ୱାରା ପ୍ରସ୍ତାବିତ ତଥା ଶ୍ରୀମତୀ ଛବି ଦାଶ, କର୍ପୋରେଟର, ୱାର୍ଡ଼ ନଂ-୬୬ ଙ୍କ ଦ୍ୱାରା ସମର୍ଥିତ ହୋଇ ୧(ଏକ) ଗୋଟି ମନୋନୟନ ପତ୍ର ପ୍ରାପ୍ତ ହୋଇଥିଲା । ଯାଂଚ୍ ପରେ ତାହା ଠିକ୍ ଥିବାର ଦେଖାଗଲା । ନିର୍ଦ୍ଧାରିତ ସମୟ ମଧ୍ୟରେ ମନୋନୟନ ପତ୍ର ପ୍ରତ୍ୟାହାର ହୋଇନଥିଲା । କେବଳ ୧(ଏକ) ଗୋଟି ମନୋନୟନ ପତ୍ର ଶ୍ରୀ ବିରଂଚି ନାରାୟଣ ମହାସୁପକାରଙ୍କ ସପକ୍ଷରେ ମିଳିଥିବାରୁ ନିର୍ବାଚନର ଆବଶ୍ୟକତା ପଡ଼ିନଥିଲା, ତେଣୁ ଶ୍ରୀ ବିରଂଚି ନାରାୟଣ ମହାସୁପକାର, ଭୁବନେଶ୍ୱର ମହାନଗର ନିଗମର ପବ୍ଲିକ୍ ହେଲ୍‌ଥ, ଇଲେକ୍ଟ୍ରି ସପ୍ଲାଇ, ୱାଟର ସପ୍ଲାଇ, ଡ୍ରେନେଜ୍ ଆଣ୍ଡ୍ ଏନ୍‌ଭିରନ୍‌ମେଂଟ ଷ୍ଟାଣ୍ଡିଂ କମିଟିର ଚେୟାରମ୍ୟାନ୍ ରୂପେ ନିର୍ଦ୍ୱନ୍ଦରେ ନିର୍ବାଚିତ ହେଲେ ବୋଲି ସଭାପତି ଘୋଷଣା କରିଥିଲେ ।

ସର୍ବ ଶେଷରେ ଆଜିର ବୈଠକରେ ଉପସ୍ଥିତ ସମସ୍ତଙ୍କୁ ସଭାପତି ଧନ୍ୟବାଦ ଦେବା ସଙ୍ଗେ ସଙ୍ଗେ ଅପରାହ୍ନ ଘ.୧୨.୦୫ ମିନିଟ୍ ସମୟରେ ସଭା ସାଙ୍ଗ କରାଯାଇଥିଲା ।

ସ୍ୱା/- ସୁଲୋଚନା ଦାସ
ସଭାପତି
ତା ୦୮.୦୭.୨୦୨୬ ରିଖ